# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
## 25 December – 2025

## ସୁଶାସନ ଦିବସ

ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳବିହାରୀ ବାଜପେୟୀଙ୍କ ୧୦୨ତମ ଜନ୍ମ ବାର୍ଷିକୀ ଅବସରରେ ଆଜି ଦେଶବ୍ୟାପୀ ସୁଶାସନ ଦିବସ ପାଳନ କରାଯାଉଛି । ପ୍ରତିବର୍ଷ ଆଜିର ଦିନରେ ସ୍ୱର୍ଗତ ବାଜପେୟୀଙ୍କ ଜନ୍ମଦିନକୁ ସୁଶାସନ ଦିବସ ଭାବେ ପାଳନ କରାଯାଇଥାଏ । ଦେଶବାସୀଙ୍କୁ ସ୍ୱଚ୍ଛ ଶାସନ ସମ୍ପର୍କରେ ସଚେତନତା ସୃଷ୍ଟି କରିବା ଉଦ୍ଦେଶ୍ୟରେ ଏହି ଦିବସ ପାଳନ କରାଯାଉଛି । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସୁଶାସନ ଦିବସ ଅବସରରେ ଲକ୍ଷ୍ନୌଠାରେ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେବେ ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଭୁବନେଶ୍ୱର ଅଖିଳ ଭାରତୀୟ ଆୟୁର୍ବିଜ୍ଞାନ ପ୍ରତିଷ୍ଠାନ-ଏମ୍ସ ଠାରେ ବାଜପେୟୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବେ । ରାଜ୍ୟର ବିଭିନ୍ନ ସ୍ଥାନରେ ସୁଶାସନ ଦିବସ ପାଳନ କାର୍ଯ୍ୟକ୍ରମମାନ ଆୟୋଜନ କରାଯାଉଛି ।

## ବଡଦିନ

ଦେଶ ତଥା ରାଜ୍ୟର ବିଭିନ୍ନ ସ୍ଥାନରେ ଆଜି ଆନନ୍ଦ ଓ ଉଲ୍ଲାସର ସହ ବଡଦିନ ପର୍ବ ପାଳନ କରାଯାଉଛି । ଖ୍ରୀଷ୍ଟଧର୍ମର ପ୍ରବର୍ତ୍ତକ ପ୍ରଭୁ ଯୀଶୁଖ୍ରୀଷ୍ଟ ଏହିଦିନ ଧରାବତରଣ କରିଥାନ୍ତି ବୋଲି ବିଶ୍ୱାସ ରହିଛି । ଏହି

ଅବସରରେ ବାପ୍ଟିଷ୍ଟ୍ ଓ କ୍ୟାଥଲିକ୍ ଚର୍ଚ୍ଚଗୁଡ଼ିକୁ ବିଭିନ୍ନ ରଙ୍ଗବେରଙ୍ଗର ଆଲୋକମାଳା, ତାରକାରେ ସଜ୍ଜିତ କରାଯାଇ କ୍ୟାରଲ ସଙ୍ଗୀତ ସହ ସମୂହ ପ୍ରାର୍ଥନା କରାଯାଉଛି ।

ପବିତ୍ର ବଡ଼ଦିନ ଉପଲକ୍ଷେ ଖ୍ରୀଷ୍ଟ ଧର୍ମାବଲମ୍ବୀମାନଙ୍କୁ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଅଭିନନ୍ଦନ ଜଣାଇ ସମୃଦ୍ଧ ଏବଂ ସଶକ୍ତ ଓଡ଼ିଶା ଗଠନରେ  ସମସ୍ତଙ୍କର ସହଯୋଗ କାମନା କରିଛନ୍ତି ।

କନ୍ଧମାଳ ଜିଲ୍ଲାର ସମସ୍ତ ଚର୍ଚ୍ଚଗୁଡ଼ିକରେ ଶାନ୍ତିଶୃଙ୍ଖଳାର ସହ ବଡ଼ଦିନ ପାଳନ କରାଯାଉଛି । ସୁରକ୍ଷା ଦୃଷ୍ଟିରୁ ଗତକାଲି ଓ ଆଜି ଜିଲ୍ଲାରେ ହାଇ ଆଲର୍ଟ ଜାରି କରାଯାଇଛି ।

ନବରଙ୍ଗପୁର ଜିଲ୍ଲାରେ ଚର୍ଚ୍ଚଗୁଡ଼ିକରେ ପବିତ୍ର ବାଇବେଲ୍ ପଠନ କରାଯାଇ ବିଶ୍ୱ ଶାନ୍ତି ନିମନ୍ତେ ପ୍ରାର୍ଥନା କରାଯାଇଛି ।

# କ୍ୟାବିନେଟ୍

ରାଜ୍ୟର ବିଜୁଳି ଉପଭୋକ୍ତାଙ୍କ ପାଇଁ ସଂପୂର୍ଣ୍ଣ ରୂପେ ସ୍ମାର୍ଟମିଟର ବ୍ୟବସ୍ଥା କାର୍ଯ୍ୟକାରୀ କରାଯିବ । ମୁଖ୍ୟମନ୍ତ୍ରୀ ଶକ୍ତି ବିକାଶ ଯୋଜନା ସ୍ମାର୍ଟ ମିଟର ସଂଯୋଗର ପ୍ରଥମ ପର୍ଯ୍ୟାୟ ପ୍ରସ୍ତାବକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଗତକାଲି ସନ୍ଧ୍ୟାରେ ଅନୁଷ୍ଠିତ କ୍ୟାବିନେଟ୍ ବୈଠକରେ ମଂଜୁରୀ ମିଳିଛି । ସରକାରଙ୍କର ଏହି ପଦକ୍ଷେପ ଫଳରେ ୨

କିଲୋୱାଟ ପର୍ଯ୍ୟନ୍ତ ବିଦ୍ୟୁତ୍ ବ୍ୟବହାର କରୁଥିବା ୮୭ ପ୍ରତିଶତ ବିଜୁଳି ଉପଭୋକ୍ତା ଯୋଜନାରୁ ଲାଭ ପାଇବେ । ଏହି ବର୍ଗର ଉପଭୋକ୍ତାଙ୍କୁ ଅତିରିକ୍ତ ମିଟର ଭଡ଼ା ଦେବାକୁ ପଡ଼ିବ ନାହିଁ ।

ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ସ୍ୱରୂପ ଭୁବନେଶ୍ୱର-କଟକ-ପୁରୀ-ପାରାଦୀପକୁ ନେଇ ଏକ ଅର୍ଥନୈତିକ ଅଞ୍ଚଳ ଗଠନ କରାଯିବ। ଏହି ୪ଟି ସହରକୁ ରେଳ ଓ ଜାତୀୟ ରାଜପଥ ସହିତ ସଂଯୋଗ କରିବା ପ୍ରସ୍ତାବକୁ ଅନୁମୋଦନ ମିଳିଛି । ବରପୁତ୍ର ଐତିହ୍ୟ ଗ୍ରାମ ଯୋଜନାରେ ପ୍ରଥମ ପର୍ଯ୍ୟାୟରେ ୨୫ଜଣ ବରପୁତ୍ରଙ୍କର ଜନ୍ମସ୍ଥାନର ଉନ୍ନତିକରଣ ପାଇଁ ୩୪୫ କୋଟି ଟଙ୍କା ଖର୍ଚ୍ଚ ପ୍ରସ୍ତାବକୁ କ୍ୟାବିନେଟ୍ ମଂଜୁରୀ ଦେଇଛନ୍ତି । କ୍ୟାବିନେଟ୍ ବୈଠକରେ ୭ଟି ବିଭାଗର ୧୦ଟି ପ୍ରସ୍ତାବକୁ ଅନୁମୋଦନ ମିଳିଛି ।

---

# ଧାନକିଣା-ମୁଖ୍ୟମନ୍ତ୍ରୀ

ରାଜ୍ୟର ୧୨ଟି ଜିଲ୍ଲାରେ ଧାନ କିଣା ଚାଲିଥିବା ବେଳେ ୧୭ଟିଜିଲ୍ଲାରେ ଟୋକନ ପ୍ରଦାନ କରାଯାଇଥିବା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଧାନକ୍ରୟ ପ୍ରକ୍ରିୟା ବୈଠକରୁ ଜଣାପଡ଼ିଛି । ଭୁବନେଶ୍ୱରସ୍ଥିତ ଲୋକସେବା ଭବନରେ ଗତକାଲି ଅନୁଷ୍ଠିତ ସମୀକ୍ଷା ବୈଠକରେ ଆସନ୍ତା ଏକସପ୍ତାହ ମଧ୍ୟରେ ଆଉ ୫ଟିଜିଲ୍ଲାରେ ଧାନ କିଣା ଆରମ୍ଭ ହେବ । ଆସନ୍ତାମାସ ୧୦ ତାରିଖ ସୁଦ୍ଧା ସବୁ ଜିଲ୍ଲାରେ ଧାନକିଣା ଆରମ୍ଭ ହେବ । ବର୍ତ୍ତମାନ ସୁଦ୍ଧା ୧ ଲକ୍ଷ ୧୧ ହଜାର ୧୨୮ ଜଣ

କୃଷକଙ୍କଠାରୁ ୪ ଲକ୍ଷ ୯୭ହଜାର ୫୯୪ ମେଟ୍ରିକ୍ ଟନ୍ ଧାନ କ୍ରୟ କରାଯାଇ ୧ ହଜାର ୫୬ କୋଟିରୁ ଅଧିକ ଟଙ୍କା ପ୍ରଦାନ କରାଯାଇଛି । ବୈଠକରେ ମାଣ୍ଡିଆ, ଡାଲିଜାତୀୟ ଫସଲ ଓ ତୈଳବୀଜ ଚାଷକୁ ପ୍ରୋତ୍ସାହନ ଦେବା ଲାଗି ଆଲୋଚନା ହୋଇଥିଲା ।

# କୋଟିଆ

କୋଟିଆ ସଂପର୍କିତ ବିଭିନ୍ନ ପ୍ରସଙ୍ଗକୁ ନେଇ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀଙ୍କ ଅଧ୍ୟକ୍ଷତାରେ ଲୋକସେବା ଭବନରେ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ସରକାରଙ୍କ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟକ୍ରମ ସୂଚାରୁରୂପେ ସମ୍ପାଦନ କରି କୋଟିଆ ଲୋକମାନଙ୍କର ଆବଶ୍ୟକତାକୁ ପୂରଣ କରିବା ଲାଗି ମନ୍ତ୍ରୀ ଶ୍ରୀ ପୂଜାରୀ ପରାମର୍ଶ ଦେଇଛନ୍ତି । ବିକଶିତ କୋଟିଆ ଯୋଜନା ଆଧାରରେ ମହିଳା ଓ ଯୁବକମାନଙ୍କୁ ତାଲିମ ଦିଆଯାଉଛି । ମେଧାବୀ ଛାତ୍ରଛାତ୍ରୀଙ୍କୁ ଦଶମ ଶ୍ରେଣୀ ବାର୍ଷିକ ପରୀକ୍ଷା ପରେ ଉଚ୍ଚଶିକ୍ଷା ପାଇଁ ଭୁବନେଶ୍ୱରରେ ସୁବିଧା ସୁଯୋଗ ଯୋଗାଇ ଦେବାକୁ ମନ୍ତ୍ରୀ ଶ୍ରୀ ପୂଜାରୀ ପରାମର୍ଶ ଦେଇଛନ୍ତି ।

**V/O**

# ବିକଶିତ ଗାଁ

ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନା ଅଧୀନରେ ପ୍ରକଳ୍ପ ଚୟନରେ ସ୍ୱଚ୍ଛତା ଆଣିବା ଉଦ୍ଦେଶ୍ୟରେ ରାଜ୍ୟ ସରକାର ସଂଶୋଧନ କରିଛନ୍ତି ।

ଆବଶ୍ୟକତା ଭିତ୍ତିକ ପ୍ରକଳ୍ପ ପ୍ରସ୍ତାବଗୁଡ଼ିକ ବିଜ୍ଞପ୍ତି ଆକାରରେ ଜିଲ୍ଲାପାଳ, ଜିଲ୍ଲାପରିଷଦ, ବ୍ଲକ, ଗ୍ରାମପଞ୍ଚାୟତ କାର୍ଯ୍ୟାଳୟର ସୂଚନା ଫଳକ ଜିଲ୍ଲା ପୋର୍ଟାଲରେ ପ୍ରକାଶିତ ହେବ । ଏ ସଂପର୍କରେ ନିର୍ବାଚିତ ପ୍ରତିନିଧି ଓ ନାଗରିକ ସମାଜ ସଦସ୍ୟଙ୍କଠାରୁ ମତାମତ ଆହ୍ୱାନ କରାଯାଇ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଗଠିତ ଜିଲ୍ଲାସ୍ତରୀୟ କମିଟି ଦ୍ୱାରା ସମୀକ୍ଷା କରାଯିବ । ୧୦ଲକ୍ଷ ଟଙ୍କାରୁ ଅଧିକ ମୂଲ୍ୟର ପ୍ରକଳ୍ପ ପାଇଁ କାର୍ଯ୍ୟସମାପ୍ତି ତାରିଖରୁ ୩ ବର୍ଷ ପର୍ଯ୍ୟନ୍ତ ବାଧ୍ୟତାମୂଳକ ତ୍ରୁଟି ଦାୟିତ୍ୱ ଅବଧି ପ୍ରଚଳନ କରାଯାଇଛି ।

## ମହୋତ୍ସବ

ନୟାଗଡ଼ ଷ୍ଟାଡିୟମରେ ଜିଲ୍ଲା ମହୋତ୍ସବ ଓ ପଲ୍ଲୀଶ୍ରୀମେଳା ଆରମ୍ଭ ହୋଇଛି । ଆୟୋଜିତ ସମାରୋହରେ ବିଧାନସଭା ବାଚସ୍ପତି ସୁରମା ପାଢ଼ୀ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ପ୍ରମୁଖ ଯୋଗଦେଇ ସ୍ୱାଧୀନତା ସଂଗ୍ରାମରେ ନୟାଗଡ଼ର ଭୂମିକା ସଂପର୍କରେ ଆଲୋକପାତ କରିଥିଲେ । ମହୋତ୍ସବରେ ଓରମାସ୍ ଅଧୀନରେ ୧୩୫ଟି ମଣ୍ଡପ ସମେତ ମୋଟ୍ ୨୯୦ଟି ମଣ୍ଡପ ଖୋଲାଯାଇଛି ।

## ପ୍ରଯୁକ୍ତିବିଦ୍ୟା ଆଦାନ ପ୍ରଦାନ

ନିଉଜିଲ୍ୟାଣ୍ଡ ଓ ଓଡ଼ିଶା ମଧ୍ୟରେ ପ୍ରଯୁକ୍ତିବିଦ୍ୟା ଆଦାନ ପ୍ରଦାନ ନେଇ ଶିଳ୍ପମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ଓ ଭାରତର ବାଣିଜ୍ୟିକ ଦୂତ ଡକ୍ଟର ମଦନ ମୋହନ ସେଠୀ ଆଲୋଚନା କରିଛନ୍ତି । ବିଶ୍ୱ ବଜାରରେ ଓଡ଼ିଶା

ଉତ୍ପାଦର ପ୍ରଚାର ପ୍ରସାର ଦିଗରେ ମନ୍ତ୍ରୀ ଶ୍ରୀ ସ୍ୱାଇଁ ଗୁରୁତ୍ୱାରୋପ କରିଥିଲେ । ଓଡ଼ିଶା ଗସ୍ତରେ ଆସିଥିବା ଡକ୍ଟର ସେଠୀ ନିଉଜିଲ୍ୟାଣ୍ଡର ଦକ୍ଷତା ବିକାଶ, କୃଷି ଓ ଅନ୍ୟାନ୍ୟ ପ୍ରସଙ୍ଗରେ ଆଲୋଚନା କରିଥିଲେ ।

## ପାଣିପାଗ

ରାଜ୍ୟକୁ ଥଣ୍ଡା ଓ ଶୁଷ୍କ ବାୟୁ ପ୍ରବେଶ କରୁଥିବାରୁ ଆଜିଠାରୁ ରାତିତାପମାତ୍ରା ହ୍ରାସ ପାଇବା ସହିତ ଶୀତର ପ୍ରକୋପ ବଢ଼ିବ । ପାଣିପାଗ ବିଭାଗର ସୂଚନା ଅନୁସାରେ ଥଣ୍ଡାବାୟୁର ପ୍ରଭାବଯୋଗୁଁ ୨ରୁ ୩ ଡିଗ୍ରୀ ପର୍ଯ୍ୟନ୍ତ ତାପମାତ୍ରା ହ୍ରାସ ପାଇବ । ଗତକାଲି କୋରାପୁଟର ସର୍ବନିମ୍ନ ତାପମାତ୍ରା ୬ ଦଶମିକ ୧ ଡିଗ୍ରୀ ସେଲ୍‌ସିୟସ୍ ରେକର୍ଡ କରାଯାଇଥିଲା ।